# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**22 June - 2024**

**News Editor : Itishree Singh Rathaur**

************************************

## ମୁଖ୍ୟ ସମ୍ବାଦ

● ଏନ୍‌ଟିଏ ଦ୍ୱାରା ପରିଚାଳିତ ପରୀକ୍ଷାରେ ସଂସ୍କାର ଆଣିବା ପାଇଁ ଉଚ୍ଚସ୍ତରୀୟ ବିଶେଷଜ୍ଞ କମିଟି ଗଠନ କଲା ଶିକ୍ଷା ମନ୍ତ୍ରଣାଳୟ

— ଆସନ୍ତା ଦୁଇ ମାସ ଭିତରେ ରିପୋର୍ଟ ଦେବାକୁ ନିର୍ଦ୍ଦେଶ

● କେନ୍ଦ୍ର ଅର୍ଥମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ପ୍ରାକ୍ ବଜେଟ୍ ପ୍ରସ୍ତୁତି ବୈଠକରେ ରାଜ୍ୟର ଉପମୁଖ୍ୟମନ୍ତ୍ରୀ କେ.ଭି.ସିଂଦେଓଙ୍କ ଯୋଗଦାନ

— ସମ୍ବଲପୁରରେ ଦ୍ୱିତୀୟ ଏମ୍ସ ପ୍ରତିଷ୍ଠା ସହ ପାରାଦ୍ୱୀପ ବନ୍ଦରର ସମ୍ପ୍ରସାରଣ ପାଇଁ କେନ୍ଦ୍ରୀୟ ସହାୟତା ଲାଗି ଦାବି ଉପସ୍ଥାପନ

● ପୁରୀ ଶ୍ରୀକ୍ଷେତ୍ରରେ ଦେବସ୍ନାନ ପୂର୍ଣ୍ଣିମା ଅବସରରେ ଚତୁର୍ଦ୍ଧାମୂର୍ତ୍ତିଙ୍କର ସ୍ନାନ ନୀତି ଅନୁଷ୍ଠିତ

— ଶ୍ରଦ୍ଧାଳୁମାନଙ୍କୁ ଗଜ ବେଶରେ ଦର୍ଶନ ଦେବେ ଶ୍ରୀଜୀଉ

ଏବଂ

- ମୌସୁମୀ ବାୟୁ ପ୍ରଭାବରେ ରାଜ୍ୟର କେତେକ ସ୍ଥାନରେ ବର୍ଷା; ଘଡ଼ଘଡ଼ି ସହ ଅତି ପ୍ରବଳ ବର୍ଷା ହେବା ନେଇ ତିନୋଟି ଜିଲ୍ଲାକୁ ସତର୍କ ସୂଚନା

***PIB***

## ନିଟ୍ ପ୍ରଶ୍ନପତ୍ର- ଉଚ୍ଚସ୍ତରୀୟ କମିଟି

ଜାତୀୟ ପରୀକ୍ଷଣ ସଂସ୍ଥାନ-ଏନ୍.ଟି.ଏ. ଦ୍ୱାରା ପରିଚାଳିତ ପରୀକ୍ଷାଗୁଡ଼ିକୁ ସ୍ୱଚ୍ଛ ଓ ନିରପେକ୍ଷ କରିବା ପାଇଁ କେନ୍ଦ୍ର ଶିକ୍ଷା ମନ୍ତ୍ରଣାଳୟ ଅଧୀନ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ଏକ ଉଚ୍ଚସ୍ତରୀୟ ବିଶେଷଜ୍ଞ କମିଟି ଗଠନ କରାଯାଇଛି। ଏହି କମିଟି ପରୀକ୍ଷା ପ୍ରକ୍ରିୟାରେ ସଂସ୍କାର ଆଣିବା ସହ ଡାଟା ସୁରକ୍ଷା ପ୍ରୋଟୋକଲ୍ ଏବଂ ଏନଟିଏ ଢାଞ୍ଚାରେ ଉନ୍ନତି ଆଣିବା ଉପରେ କାର୍ଯ୍ୟ କରିବ। ଏହି କମିଟି ଏନ୍.ଟି.ଏ.ର ମାନକ ପରିଚାଳନା ପଦ୍ଧତିର ସମ୍ପୂର୍ଣ୍ଣ ସମୀକ୍ଷା କରିବ। ଏହା ସହ ଅନୁଧ୍ୟାନ ବ୍ୟବସ୍ଥା ଗୁଡ଼ିକୁ ସୁଦୃଢ଼ କରିବା ପାଇଁ ଆବଶ୍ୟକ ପଦକ୍ଷେପ ନେବା ଉପରେ ପରାମର୍ଶ ଦେବ। ବିଭିନ୍ନ ପରୀକ୍ଷା ପାଇଁ ପେପର ସେଟିଂ ଏବଂ ଅନ୍ୟାନ୍ୟ ପରୀକ୍ଷା ସମ୍ବନ୍ଧୀୟ ବର୍ତ୍ତମାନର ସୁରକ୍ଷା ପ୍ରୋଟୋକଲ ଯାଞ୍ଚ କରିବା ସହ ବ୍ୟବସ୍ଥାକୁ ଅଧିକ ସୁରକ୍ଷିତ କରିବା ପାଇଁ କମିଟି ସୁପାରିସ କରିବ ବୋଲି ଜଣାପଡ଼ିଛି। ଆସନ୍ତା ଦୁଇ ମାସ ଭିତରେ କମିଟି ଶିକ୍ଷା ମନ୍ତ୍ରଣାଳୟକୁ ଏହାର ରିପୋର୍ଟ ପ୍ରଦାନ କରିବ। ଏହି କମିଟିରେ ଇସ୍ରୋର ପୂର୍ବତନ ଅଧ୍ୟକ୍ଷ ଡକ୍ଟର କେ. ରାଧାକ୍ରିଷ୍ଣନ୍ ଅଧ୍ୟକ୍ଷ ରହିବେ। ସେହିଭଳି ଏମ୍ସର ପୂର୍ବତନ ନିର୍ଦ୍ଦେଶକ ଡକ୍ଟର ରଣଦୀପ ଗୁଲେରିଆଙ୍କ ସମେତ ଅନ୍ୟ ବିଶିଷ୍ଟ ଶିକ୍ଷାବିତ୍‌ମାନଙ୍କୁ ଏଥିରେ ସାମିଲ କରାଯାଇଛି।

BBSR

# ଓଡ଼ିଶା ବଜେଟ୍

ନୂଆଦିଲ୍ଲୀରେ ୨୦୨୪-୨୫ ଆର୍ଥିକ ବର୍ଷ ପାଇଁ ପୂର୍ଣ୍ଣାଙ୍ଗ ବଜେଟ୍ ପ୍ରସ୍ତୁତି ପୂର୍ବରୁ ସମସ୍ତ ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳର ଅର୍ଥମନ୍ତ୍ରୀଙ୍କ ସହ କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣଙ୍କ ଅଧ୍ୟକ୍ଷତାରେ ଏକ ବୈଠକ ଅନୁଷ୍ଠିତ ହୋଇଛି। ଏଥିରେ ରାଜ୍ୟର ଉପମୁଖ୍ୟମନ୍ତ୍ରୀ କେ.ଭି.ସିଂଦେଓ ଯୋଗ ଦେଇଥିଲେ। ବୈଠକରେ ଓଡ଼ିଶାରେ ଅର୍ନ୍ତଜାତୀୟ ନିବେଶ, ସେମିକଣ୍ଡକ୍ଟର ଶିଳ୍ପକୁ ଆକର୍ଷିତ କରିବା ସହ ରାଜ୍ୟକୁ ଏକ ନିବେଶ କେନ୍ଦ୍ର ଭାବେ ପ୍ରୋତ୍ସାହନ ପାଇଁ ଦାବି ଉପସ୍ଥାପନ କରାଯାଇଥିଲା। ସେହିଭଳି ପାରାଦ୍ୱୀପ ବନ୍ଦରର ସମ୍ପ୍ରସାରଣ, ସମ୍ବଲପୁରଠାରେ ଦ୍ୱିତୀୟ ଏମ୍ସ ପ୍ରତିଷ୍ଠା ପାଇଁ ବଜେଟ୍‌ରେ ଉପଯୁକ୍ତ ବ୍ୟବସ୍ଥା, ଓଡ଼ିଶାରେ ଜାତୀୟ ରାଜପଥ, ବିଶେଷ କରି କୋଷ୍ଟାଲ ହାଇୱେ ଓ କ୍ୟାପିଟାଲ ରିଜିଅନ୍ ରିଙ୍ଗ୍ ରୋଡ୍ ପ୍ରକଳ୍ପର ସମାପ୍ତି ନିମନ୍ତେ ପଦକ୍ଷେପ, ଶୁଭଦ୍ରା ଯୋଜନାରେ ମହିଳା ସଶକ୍ତିକରଣ ପାଇଁ ସହାୟତା, ଓଡ଼ିଶାର ଗ୍ରାମାଞ୍ଚଳ ଏବଂ ସହରାଞ୍ଚଳରେ ଅତିକମ୍‌ରେ ୫ ଲକ୍ଷ ଘର ନିର୍ମାଣ ପାଇଁ ବଜେଟ୍‌ରେ ଆବଶ୍ୟକୀୟ ଆବଣ୍ଟନ, ଓଡ଼ିଶାରେ ନୂତନ ସହରର ବିକାଶ ଏବଂ ଦ୍ରୁତ ସହରୀକରଣ ପାଇଁ କେନ୍ଦ୍ର ସରକାରଙ୍କ ସହାୟତା ଆଦି ଦାବି ଉପସ୍ଥାପନ କରାଯାଇଥିଲା। କେନ୍ଦ୍ର ଅର୍ଥମନ୍ତ୍ରୀ ସମସ୍ତ ଦାବି ଓ ପରାମର୍ଶ ଗୁଡ଼ିକ ଅନୁଧ୍ୟାନ କରି ଉପଯୁକ୍ତ ପଦକ୍ଷେପ ନେବାକୁ ପ୍ରତିଶ୍ରୁତି ଦେଇଥିବା ଜଣାପଡ଼ିଛି।

***HS***

## ମୁଖ୍ୟମନ୍ତ୍ରୀଙ୍କ ଜଳ ସମ୍ପଦ ସମୀକ୍ଷା

ଜଳ ସମ୍ପଦ ବିଭାଗର ସମସ୍ତ ବିଳମ୍ବିତ ପ୍ରକଳ୍ପକୁ ତୁରନ୍ତ ଶେଷ କରିବାକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ନିର୍ଦ୍ଦେଶ ଦେଇଛନ୍ତି। ମେଗା ଲିଫ୍ଟ, ମାଇନର ଲିଫ୍ଟ ଇରିଗେଶନ ଏବଂ ଡିପଉ ବୋରୱେଲ ଗୁଡ଼ିକ ଶୀଘ୍ର ସାରିବାକୁ ମୁଖ୍ୟମନ୍ତ୍ରୀ ବରିଷ୍ଠ ଅଧିକାରୀମାନଙ୍କୁ କହିଛନ୍ତି।

ମୁଖ୍ୟମନ୍ତ୍ରୀ ଆଜି ଜଳସେଚନ ବିଭାଗର ସମୀକ୍ଷା କରିଥିଲେ। ଏହାପରେ ବିଭାଗୀୟ ସଚିବ ଅନୁ ଗର୍ଗ କହିଛନ୍ତି, ବନ୍ୟା ପ୍ରସ୍ତୁତି ସମ୍ପର୍କରେ ମୁଖ୍ୟମନ୍ତ୍ରୀ ସମୀକ୍ଷା କରିଛନ୍ତି। ସେ ଦୁର୍ବଳ ନଦୀ ବନ୍ଧ ଗୁଡ଼ିକୁ ଅଧିକ ସୁଦୃଢ କରିବା ଓ ସେଥିପାଇଁ ସଜାଗ ରହିବାକୁ ପରାମର୍ଶ ଦେଇଥିଲେ।

***Desk***

# ପାର୍ଲାମେଣ୍ଟ ସେସନ୍

ଅଷ୍ଟାଦଶ ଲୋକସଭାର ପ୍ରଥମ ଅଧିବେଶନ ଆସନ୍ତା ସୋମବାର ଦିନ ଅନୁଷ୍ଠିତ ହେବ । ଏହି ଅଧିବେଶନ କାଳରେ ନବ ନିର୍ବାଚିତ ସଦସ୍ୟମାନେ ଶପଥ ନେବେ । ପ୍ରୋଟେମ୍ ବାଚସ୍ପତି ଭାବେ ନିଯୁକ୍ତ ହୋଇଥିବା ବରିଷ୍ଠ ସାଂସଦ ଭର୍ତ୍ତୃହରି ମହତାବ ଏହି ଶପଥପାଠ କରାଇବେ । ଆସନ୍ତା ୨୬ ତାରିଖ ଲୋକସଭାର ବାଚସ୍ପତି ନିର୍ବାଚନ ହେବ ।  ୨୭ ତାରିଖରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ସଂସଦର ମିଳିତ ଅଧିବେଶନକୁ ସମ୍ବୋଧନ କରିବେ । ରାଜ୍ୟସଭାର ଅଧିବେଶନ ଚଳିତ

ମାସ ୨୭ ତାରିଖରୁ ଆରମ୍ଭ ହେବ । ସଂସଦର ଅଧିବେଶନ ଜୁଲାଇ ୩ ତାରିଖରେ ଶେଷ ହେବ ।

*Nuapada/Angul/Kendrapara/Puri/Keonjhar/Nayagarh*

## ଦେବସ୍ନାନ ପୂର୍ଣ୍ଣିମା

ପୁରୀ ଶ୍ରୀକ୍ଷେତ୍ରରେ ଆଜି ଦେବସ୍ନାନ ପୂର୍ଣ୍ଣିମା ଅବସରରେ ଚତୁର୍ଦ୍ଧାମୂର୍ତ୍ତିଙ୍କର ସ୍ନାନନୀତି ଅନୁଷ୍ଠିତ ହୋଇଛି। ଆଉ କିଛି ସମୟ ମଧ୍ୟରେ ଶ୍ରଦ୍ଧାଳୁମାନଙ୍କୁ ଶ୍ରୀଜୀଉ ଗଜବେଶରେ ଦର୍ଶନ ଦେବେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି। ଶ୍ରଦ୍ଧାଳୁଙ୍କର ଶୃଙ୍ଖଳିତ ଦର୍ଶନ ପାଇଁ ପ୍ରଶାସନ ପକ୍ଷରୁ କଡ଼ା ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି। ସକାଳ ୫ଟାରେ ମଙ୍ଗଳାର୍ପଣ ପରେ ଧାଡ଼ି ପହଣ୍ଡିରେ ଚତୁର୍ଦ୍ଧାମୂର୍ତ୍ତି ସ୍ନାନବେଦୀକୁ ବିଜେ କରିଥିଲେ। ପ୍ରଥମେ ସୁଦର୍ଶନ, ପରେ ବଡ଼ ଠାକୁର ବଳଭଦ୍ର, ଦେବୀ ଶୁଭଦ୍ରା ଏବଂ ଶେଷରେ ମହାପ୍ରଭୁ ଜଗନ୍ନାଥଙ୍କ ପହଣ୍ଡି ବିଜେ ନୀତି ହୋଇଥିଲା। ପରେ ମଦନମୋହନ ଓ ରାମକୃଷ୍ଣଙ୍କୁ ମହାଜନ ସେବକମାନେ ପହଣ୍ଡି କରାଇଥିଲେ। ସ୍ନାନବେଦୀ ଉପରେ ଶ୍ରୀଜୀଉଙ୍କର ମଙ୍ଗଳ ଆଳତୀ ଓ ଅନ୍ୟାନ୍ୟ ଦୈନନ୍ଦୀନ ନୀତି ଅନୁଷ୍ଠିତ ହୋଇଥିବାବେଳେ ଅବକାଶ ପୂଜା ହୋଇ ବେଶ କରାଯାଇଥିଲା। ପରେ ୧୦୮ ଗରା ସୁବାଷିତ ଜଳକୁ ଗରାବଡୁ ସେବକମାନେ ସ୍ନାନବେଦୀ ଉପରେ ବିଜେ କରାଇଥିଲେ। ପୂଜାପଣ୍ଡା ସେବକଙ୍କ ଦ୍ୱାରା ସୁବାଷିତ ଜଳକୁ ପଞ୍ଚ ଉପଚାର ବିଧିରେ ପୂଜା କରାଯାଇ ସେହି ଜଳରେ ମହାପ୍ରଭୁଙ୍କୁ ସ୍ନାନ କରାଯାଇଥିଲା। ଏହାପରେ ଛେରାପହଁରା ନୀତି ହୋଇଥିଲା।

ରାଜ୍ୟର ବିଭିନ୍ନ ଜଗନ୍ନାଥ ମନ୍ଦିର ଗୁଡ଼ିକରେ ରୀତିନୀତି ଅନୁଯାୟୀ ଦେବସ୍ନାନ ପୂର୍ଣ୍ଣିମା ନୀତି ଅନୁଷ୍ଠିତ ହେଉଛି।

ଦେବସ୍ନାନ ପୂର୍ଣ୍ଣିମା ଉପଲକ୍ଷେ ଦ୍ୱିତୀୟ ଶ୍ରୀକ୍ଷେତ୍ର ଭାବେ ପରିଚିତ ରଣପୁର ସମେତ ନୟାଗଡ଼, ଖଣ୍ଡପଡ଼ା, ଭାପୁର ଏବଂ ଦଶପଲ୍ଲାରେ ଥିବା ଜଗନ୍ନାଥ ମନ୍ଦିରଗୁଡ଼ିକରେ ଦାରୁଦିଅଁଙ୍କୁ ଦିବ୍ୟସ୍ନାନ କରାଯାଇଛି। ଏହାପରେ ଚତୁର୍ଦ୍ଧାମୂର୍ତ୍ତିଙ୍କୁ ଗଜବେଶରେ ସଜ୍ଜିତ କରାଯାଇଛି।

ସେହିଭଳି ତୁଳସୀକ୍ଷେତ୍ର କେନ୍ଦ୍ରାପଡ଼ାରେ ଶ୍ରୀବଳଦେବ ଜୀଉଙ୍କ ଦେବସ୍ନାନ ପୂର୍ଣ୍ଣିମା ନୀତି ଅନୁଷ୍ଠିତ ହୋଇଛି। ଆଜି ସକାଳେ ମହାଜନ ପାଣିଗ୍ରାହୀ ସେବାୟତ ମାନେ ମୁଖ୍ୟ ମନ୍ଦିରରୁ ଧାଡ଼ି ପହଣ୍ଡିରେ ଚତୁର୍ଦ୍ଧାମୂର୍ତ୍ତିଙ୍କୁ ସ୍ନାନମଣ୍ଡପକୁ ବିଜେ କରାଇଥିଲେ। ଏହାପରେ ଶ୍ରୀଜୀଉମାନଙ୍କର ଜୟମଙ୍ଗଳା ନୀତି ଏବଂ ପରେ ସ୍ନାନ କାର୍ଯ୍ୟ ହୋଇଥିଲା।

ଶୈଳ ଶ୍ରୀକ୍ଷେତ୍ର ନାମରେ ପରିଚିତ ଅନୁଗୁଳର ଶ୍ରୀଜଗନ୍ନାଥ ମନ୍ଦିରରେ ନିର୍ଦ୍ଧାରିତ ନୀତି ନିର୍ଘଣ୍ଟ ଅନୁଯାୟୀ ନୀତିକାନ୍ତି ସମ୍ପନ୍ନ ହୋଇଥିଲା। କେନ୍ଦୁଝର ଜିଲ୍ଲାରେ ଦିଅଁମାନଙ୍କୁ ପ୍ରଥମେ ପହଣ୍ଡିରେ ସ୍ନାନ ବେଦୀକୁ ଅଣାଯାଇଥିଲା। ସେଠାରେ ୧୦୮ଟି ଗରାରେ ସୁବାସିତ ଜଳରେ ସ୍ନାନ କରାଯାଇଥିଲା।

ସେହିଭଳି ନୂଆପଡ଼ା ଜିଲ୍ଲା ସିନାପାଲି ସ୍ଥିତ ଜଗନ୍ନାଥ ମନ୍ଦିରରେ ପ୍ରଭୁଙ୍କର ଗଜାନନ ବେଶ ଅନୁଷ୍ଠିତ ହୋଇଥିଲା।

*HS*

## ଓଏଏସ୍ ଅଧିକାରୀ

ଓଏଏସ୍ ଅଧିକାରୀ ଚିତ୍ରସେନ ରାଉତଙ୍କୁ ମୁଖ୍ୟମନ୍ତ୍ରୀଙ୍କ ଅତିରିକ୍ତ ସଚିବ ଭାବେ ଅବସ୍ଥାପିତ କରାଯାଇଛି। ବର୍ତ୍ତମାନ ସେ ପୂର୍ତ୍ତ ବିଭାଗରେ ଅତିରିକ୍ତ ସଚିବ ଦାୟିତ୍ୱରେ ଅଛନ୍ତି। ଏନେଇ ଆଜି ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି।

*Sambalpur*

## ସମ୍ବଲପୁର ଜଣ୍ଡିସ୍

ସମ୍ବଲପୁର ସହରରେ ଜଣ୍ଡିସ ଆକ୍ରାନ୍ତଙ୍କ ସଂଖ୍ୟା ୬୮ରେ ପହଁଞ୍ଚିଛି। ତେବେ ଆଜି କୌଣସି ନୂଆ ଆକ୍ରାନ୍ତ ଚିହ୍ନଟ ହୋଇ ନ ଥିବା ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ସୂଚନା ଦେଇଛନ୍ତି। ସେ କହିଛନ୍ତି, ଏହି ରୋଗକୁ ପ୍ରତିହତ କରିବା ପାଇଁ ପ୍ରତିଦିନ ସ୍ୱାସ୍ଥ୍ୟ ବିଭାଗର ଟିମ୍ ଘରକୁ ଘର ବୁଲି ସ୍ୱାସ୍ଥ୍ୟ ପରୀକ୍ଷା କରୁଛନ୍ତି। ଏହା ସହ ସ୍ୱଚ୍ଛତା ଉପରେ ଗୁରୁତ୍ୱ ଦିଆଯାଉଛି। ଜଣ୍ଡିସ ରୋଗକୁ ନେଇ ଲୋକଙ୍କୁ ସଚେତନ କରାଯାଉଥିବା ସେ କହିଛନ୍ତି।

*Boudh*

## ପ୍ରାକୃତିକ ବିପର୍ଯ୍ୟୟ ପ୍ରସ୍ତୁତି ବୈଠକ

ବୌଦ୍ଧ ଜିଲ୍ଲାରେ ଜିଲ୍ଲାପାଳ ଜେ.ସୋନାଲଙ୍କ ଅଧକ୍ଷତାରେ  ପ୍ରାକୃତିକ ବିପର୍ଯ୍ୟୟର ମୁକାବିଲା ନେଇ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି। ଏଥିରେ ଜିଲ୍ଲାପାଳ ବନ୍ୟା ଆଶ୍ରୟସ୍ଥଳୀ ଗୁଡ଼ିକର ସ୍ଥିତିର ଅନୁଧ୍ୟାନ ସହ ଆବଶ୍ୟକୀୟ ମରାମତି, ପାନୀୟ ଜଳ ସମସ୍ୟା, ସ୍ୱଚ୍ଛତା ଆଦି ଉପରେ ଗୁରୁତ୍ୱ ପ୍ରଦାନ କରିଥିଲେ। ସେହିଭଳି ସହରର ଡ୍ରେନେଜ୍ ବ୍ୟବସ୍ଥା

ସଜାଡ଼ିବା ପାଇଁ ତୁରନ୍ତ ପଦକ୍ଷେପ ନେବାକୁ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ ।

***MET***

## ପାଣିପାଗ

ଦକ୍ଷିଣ ପଶ୍ଚିମ ମୌସୁମୀ ବାୟୁ ପ୍ରଭାବରେ ରାଜ୍ୟର କେତେକ ସ୍ଥାନରେ ବର୍ଷା ହୋଇଯାଇଛି । ଏହାର ପ୍ରଭାବରେ ତାପମାତ୍ରା ସାମାନ୍ୟ ହ୍ରାସ ପାଇଥିବା ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ କୁହାଯାଇଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଘଡ଼ଘଡ଼ି ସହ ଅତି ପ୍ରବଳ ବର୍ଷା ହେବା ନେଇ ଗଜପତି, ଗଞ୍ଜାମ ଓ କନ୍ଧମାଳ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ସେହିଭଳି ଘଡ଼ଘଡ଼ି ସହ ବର୍ଷା ହେବା ନେଇ ୨୩ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।

ଅପରପକ୍ଷରେ ଗତ ପହିଲାରୁ ଆଜି ପର୍ଯ୍ୟନ୍ତ ରାଜ୍ୟରେ ସ୍ୱାଭାବିକ ଠାରୁ ୩୯ ପ୍ରତିଶତ କମ୍ ବର୍ଷା ହୋଇଛି । କେବଳ ୮ଟି ଜିଲ୍ଲାରେ ସ୍ୱାଭାବିକ ବର୍ଷା ହୋଇଥିବା ପାଣିପାଗ କେନ୍ଦ୍ର ସୂଚନା ଦେଇଛି ।

*****